# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 603 CUTTACK, TUESDAY, MARCH 26, 2019/CHAITRA 5, 1941**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 22 ଡିସେମ୍ବର 2018

ସଂଖ୍ୟା 46066—RDM-LAA-MBJ-0066/2018-R&DM.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ମୟୂରଭଞ୍ଜ ଜିଲ୍ଲାର ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ଇଛା ଜଳ ଭଣ୍ଡାର (ଓଡ଼ିଶା ଅଂଶ) ନିର୍ମାଣ ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା ଜିରେଇ (ଅତିରିକ୍ତ), ଥାନା ତିରିଙ୍ଗ ନଂ. ୪୯, ତହସିଲ ତିରିଙ୍ଗ, ଜିଲ୍ଲା ମୟୂରଭଞ୍ଜରେ ନିମ୍ନ ତଫସିଲମତେ ପ୍ରାୟ 1.29 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ;

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013 (RFCTLAR & R Act, 2013) ର 11(1) ଧାରାରେ ଭାରପ୍ରାପ୍ତ ହୋଇ ସରକାର ଏତଦ୍ଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013 ର ଧାରା 11(1) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ (ଷାଠିଏ) ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

### ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ଇଛା ଜଳ ଭଣ୍ଡାର (ଓଡ଼ିଶା ଅଂଶ) ନିର୍ମାଣ ନିମନ୍ତେ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ନିର୍ବାହୀ ଯନ୍ତ୍ରୀ, ସୁବର୍ଣ୍ଣରେଖା ଡିଭିଜନ ନଂ. ୨, ଦେଉଳି, ମୟୂରଭଞ୍ଜ ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପଜିଲ୍ଲାପାଳ, ରାଇରଙ୍ଗପୁର ।

୬ । ଜମିର ବିବରଣୀ —

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ | ୯ |
| ମୟୂରଭଞ୍ଜ | ତିରିଙ୍ଗ | ଜିରେଇ (ଅତିରିକ୍ତ) | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୨.୦୩ ଏକର | ୧.୨୯ ଏକର | ଏଥିସହିତ ସଂଲଗ୍ନ |

• ଉକ୍ତ ଅଧିସୂଚୀତ ଜମି ରକବା ମଧ୍ୟରୁ ୧.୨୯ ଏକର ସଂରକ୍ଷିତ ସରକାରୀ ଜମି ପ୍ରତିବଦଳ ପାଇଁ ଉଦ୍ଦିଷ୍ଟ ।

ଉକ୍ତ ଭୂମିର ଏକ ନକ୍ସା ଭୂ-ଅର୍ଜନ ମହାମଣ୍ଡଳ ଅଧିକାରୀ ନଂ. ୨, ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପ, ବହଳଦା, ବାରିପଦାସ୍ଥିତ ମୟୂରଭଞ୍ଜଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ମୟୂରଭଞ୍ଜ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

## ଭୂମି ଅନୁସୂଚୀ

| ଖାତା ନଂ. ଓ ସ୍ୱତ୍ୱ | ପ୍ଲଟ୍ ନଂ. | ମୋଟ ରକବା | ଆକ୍ୟୁଆର ରକବା | କିସମ | ରୟତଙ୍କ ନାମ, ପିତା, ଜାତି ଓ ବାସସ୍ଥାନ |
|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) |
| | | (ଏକର) | (ଏକର) | | |
| ୩ ରୟତି | ୧୫୮ | ୧.୫୨ | ୦.୭୮ | ଶାରଦ ତିନି | କର୍ତ୍ତା ମାଝୀ, ପି. ଗୋପତ ମାଝୀ, ଟୁରା ମାଝୀ, ପି. ଲକ୍ଷ୍ମଣ ମାଝୀ, ଅର୍ଜୁନ ମାଝୀ, ପି. କିଶୁନ ମାଝୀ, ଲକ୍ଷ୍ମଣ ମାଝୀ, ପି. କର୍ତ୍ତା ମାଝୀ, ଜା. ସାନ୍ତାଳ, ବା. ନିଜଗାଁ । |
| ୨୯ | ୧୬୪ | ୦.୫୧ | ୦.୫୧ | ଶାରଦ ଦୁଇ | ଲକ୍ଷ୍ମଣ ମାଝୀ, ମଦନ ମାଝୀ, ମଦନ ମୋହନ ସୋରେନ, ବାଘରାୟ ସୋରେନ, ଅନନ୍ତ ସୋରେନ, ପି. ବାସ୍ତା ସୋରେନ, ଓରଫ ମାଝୀ, ବାସ୍ତା ସୋରେନ, ମାନ୍ଧ ସୋରେନ, ପି. ସିଦ୍ଧେଶ୍ୱର ସୋରେନ, ସାଲଗେ ସୋରେନ, ସ୍ୱା. ସିଦ୍ଧେଶ୍ୱର ସୋରେନ, ରାଇମାତ ସୋରେନ, ସ୍ୱା. ପୁର୍ଣ୍ଣଚନ୍ଦ୍ର ସୋରେନ, ସିଦା ସୋରେନ, ଶ୍ୟାମଚରଣ ସୋରେନ, ମଦନ ମୋହନ ସୋରେନ, ପି. ପୁର୍ଣ୍ଣଚନ୍ଦ୍ର ସୋରେନ, ଜା. ସାନ୍ତାଳ, ବା. ନିଜଗାଁ । |
| | **ମୋଟ . .** | **୨.୦୩** | **୧.୨୯** | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଅତିରିକ୍ତ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 2554—173+25